ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/AgFE(Od)/220/16-02-2024**

## ମତ୍ସ୍ୟ-ପ୍ରାଣୀ ସମାବେଶ ଓଡ଼ିଶା-୨୦୨୪ ଉଦ୍‌ଘାଟିତ

### ବୈଜ୍ଞାନିକ ପଦ୍ଧତିରେ ମତ୍ସ୍ୟ ଓ ପ୍ରାଣିପାଳନ ବିଷୟରେ ଅବଗତ ହୋଇ ତାହାର ଉପଯୋଗ କରିବାକୁ ମୁଖ୍ୟମନ୍ତ୍ରୀଙ୍କ ପରାମର୍ଶ

ଭୁବନେଶ୍ୱର, ଫେବୃଆରୀ ୧୬, ୨୦୨୪

ରାଜ୍ୟସ୍ତରରେ ଆୟୋଜିତ ତିନିଦିନିଆ ମତ୍ସ୍ୟ-ପ୍ରାଣୀ ସମାବେଶ ଆଜି ଅପରାହ୍ଣରେ ଜନତା ମଇଦାନରେ ଉଦ୍‌ଘାଟିତ ହୋଇଯାଇଛି । ଉଦ୍‌ଘାଟନୀ ଉତ୍ସବରେ ଏକ ଭିଡ଼ିଓ ବାର୍ତ୍ତାରେ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ ସମସ୍ତଙ୍କୁ ଶୁଭେଚ୍ଛା ଜଣାଇବା ସହ ଓଡ଼ିଶାରେ ପ୍ରଥମ ଥର ଏହି ସମାବେଶ ଆୟୋଜନ କରିଥିବାରୁ ମତ୍ସ୍ୟ ଓ ପ୍ରାଣିସଂପଦ ବିଭାଗକୁ  ଧନ୍ୟବାଦ ଜଣାଇଛନ୍ତି ।

ମୁଖ୍ୟମନ୍ତ୍ରୀ ତାଙ୍କ ବାର୍ତ୍ତାରେ କହିଛନ୍ତି ଯେ ମତ୍ସ୍ୟ ଉତ୍ପାଦନରେ ଓଡ଼ିଶା ସାରା ଦେଶରେ ଚତୁର୍ଥ ସ୍ଥାନ ଅଧିକାର କରିଛି । ସରକାର ରାଜ୍ୟର ମତ୍ସ୍ୟଚାଷୀ ଓ ମତ୍ସ୍ୟଜୀବୀଙ୍କ ଉନ୍ନତି ପାଇଁ ନୂତନ ଭାବେ ମୁଖ୍ୟମନ୍ତ୍ରୀ ମତ୍ସ୍ୟଜୀବୀ କଲ୍ୟାଣ ଯୋଜନା କାର୍ଯକାରୀ କରିଛନ୍ତି । ଏଥିରେ ୧୧ ହଜାର ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଏବଂ ୫୦ ହଜାର ମତ୍ସ୍ୟଜୀବୀ ସିଧାସଳଖ ଉପକୃତ ହେବେ । ରାଜ୍ୟର ପ୍ରାଣିପାଳକମାନଙ୍କୁ ଉନ୍ନତ ମାନର ସେବା ଯୋଗାଇଦେବା ଉଦ୍ଦେଶ୍ୟରେ ୧୮୧ ନୂତନ ମୋବାଇଲ୍ ଭେଟେରିନାରୀ ୟୁନିଟ୍ ଭ୍ୟାନ୍‌ର ବ୍ୟବସ୍ଥା କରାଯାଇଛି ଏବଂ ଖୁବ ଶୀଘ୍ର ଆଉ ୧୩୧ ମୋବାଇଲ୍ ଭେଟେରିନାରୀ ୟୁନିଟ୍ ଭ୍ୟାନ୍ ରାଜ୍ୟରେ ସେବା ଯୋଗାଇଦେବ ।

ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ ମତ୍ସ୍ୟ ଓ ପ୍ରାଣିସଂପଦ ବିକାଶ କ୍ଷେତ୍ରରେ ରାଜ୍ୟ ସରକାରଙ୍କ ୫-'ଟି' କାର୍ଯକ୍ରମ ଅଧିନରେ  ବୈଜ୍ଞାନିକ ପଦ୍ଧତିରେ ଫାର୍ମିଂ ପାଇଁ ନୂଆ ଜ୍ଞାନକୌଶଳର ବ୍ୟବହାର କରାଯାଉଛି । ବାୟୋ-ଫ୍ଲକ୍, କେଜ୍ କଲଚର ମାଛଚାଷ, ସେକ୍ସ ସର୍ଟେଡ୍ ସିମେନ୍ ପଦ୍ଧତି ପରି ନୂଆ ଜ୍ଞାନକୌଶଳ ବ୍ୟବହାର କରି ରାଜ୍ୟ ଚାଷୀମାନଙ୍କ ଆୟ ବହୁଗୁଣିତ କରିବା ଦିଗରେ ପଦକ୍ଷେପ ନିଆଯାଉଛି ।

'ମତ୍ସ୍ୟ-ପ୍ରାଣୀ ସମାବେଶ ଓଡ଼ିଶା-୨୦୨୪' ରେ ସାରା ରାଜ୍ୟରୁ ପ୍ରାୟ ୬୦୦୦ ଚାଷୀ ଭାଇ ଓ ଭଉଣୀମାନେ ଯୋଗ ଦେଉଛନ୍ତି । ଏଥିରେ ଚାଷୀ-ବୈଜ୍ଞାନିକ ଭାବବିନିମୟ, ଲାଇଭ୍ ଆନିମଲ ଓ ଫିସ୍ ଡେମୋନ୍‌ଷ୍ଟ୍ରେସନ୍, ଆଧୁନିକ ଫାର୍ମିଂ ପଦ୍ଧତିର ପ୍ରଦର୍ଶନୀ, ଶ୍ରେଷ୍ଠ ଚାଷୀଙ୍କୁ ସମ୍ବର୍ଦ୍ଧନା ଆଦି କାର୍ଯକ୍ରମ ରଖାଯାଇଛି ବୋଲି ଉଲ୍ଲେଖ କରିବା ସହ ମୁଖ୍ୟମନ୍ତ୍ରୀ ଏହି ସମାବେଶରେ ଯୋଗଦେଇ ବୈଜ୍ଞାନିକ ପଦ୍ଧତିରେ ମତ୍ସ୍ୟ ଓ ପ୍ରାଣିପାଳନ ବିଷୟରେ ଅବଗତ ହୋଇ ତା'ର ଉପଯୋଗ କରିବାକୁ ପରାମର୍ଶ ଦେଇଛନ୍ତି ।

ସମାବେଶରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଅର୍ଥମନ୍ତ୍ରୀ ଶ୍ରୀ ବିକ୍ରମ କେଶରୀ ଆରୁଖ କହିଲେ ଯେ, କୃଷି ଓ ଆନୁଷଂଗିକ କ୍ଷେତ୍ର, ମତ୍ସ୍ୟ ଓ ପ୍ରାଣିସମ୍ପଦ ବିକାଶର ଉତ୍କର୍ଷ ଓ ଅଭିବୃଦ୍ଧି ସାଧନ ନିମନ୍ତେ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶକ୍ରମେ ୨୦୧୩-୧୪ରୁ ରାଜ୍ୟରେ ପ୍ରତି ବର୍ଷ ସ୍ୱତନ୍ତ୍ର କୃଷି ବଜେଟ୍ ପ୍ରସ୍ତୁତ କରାଯାଉଛି । ଗତ ୧୯୯୯-୨୦୦୦ରେ କୃଷି ବିଭାଗର ବଜେଟ ୨୭୮ କୋଟି ୫୮ ଲକ୍ଷ ଟଙ୍କା ଥିଲାବେଳେ ମତ୍ସ୍ୟ ଓ ପ୍ରାଣିସମ୍ପଦ ବିକାଶ ବିଭାଗର ବଜେଟ ୧୨୧ କୋଟି ୪୭ ଲକ୍ଷ ଟଙ୍କା ଥିଲା । ୨୦୨୩-୨୪ରେ ଏହା ବୃଦ୍ଧିପାଇ କୃଷି ବିଭାଗର ବଜେଟ ୬୯୩୫ କୋଟି ୮୯ ଲକ୍ଷ ଟଙ୍କା ଥିଲାବେଳେ  ମତ୍ସ୍ୟ ଓ ପ୍ରାଣିସମ୍ପଦ ବିକାଶ ବିଭାଗର ବଜେଟ ୧୭୬୯ କୋଟି ୨୪ ଲକ୍ଷ ଟଙ୍କାରେ ପହଞ୍ଚିଥିଲା । ଚଳିତ ୨୦୨୪-୨୫ ସମୁଦାୟ ବଜେଟ୍‌ରେ ଏହା ପୁଣି ବୃଦ୍ଧିପାଇ କୃଷି ବିଭାଗର ବଜେଟ ୭୯୨୩ କୋଟି ୮୭ ଲକ୍ଷ ଟଙ୍କା ଥିଲାବେଳେ ମତ୍ସ୍ୟ ଓ ପ୍ରାଣିସମ୍ପଦ ବିକାଶ ବିଭାଗର ବଜେଟ ୧୯୩୭ କୋଟି ୬୫ ଲକ୍ଷ ଟଙ୍କାରେ ପହଞ୍ଚିଛି । ପ୍ରାଣୀସମ୍ପଦ ସ୍ୱାସ୍ଥ୍ୟ ଓ ରୋଗ ନିୟନ୍ତ୍ରଣ କାର୍ଯ୍ୟକ୍ରମ ଅଧୀନରେ ୧୭୧ କୋଟି ଟଙ୍କା ପ୍ରଦାନ କରାଯାଇଛି । ୨୦୧୮-୧୯ ରେ ମାଛ ଉତ୍ପାଦନ ୭ ଲକ୍ଷ ୫୯ ହଜାର ମେଟ୍ରିକ୍ ଟନ୍ ଥିଲା । ଏହା ପ୍ରାୟ ୪୦ ପ୍ରତିଶତ ବୃଦ୍ଧି ପାଇ ୨୦୨୨-୨୩ ରେ  ୧୦ ଲକ୍ଷ ୫୨ ହଜାର ମେଟ୍ରିକ୍ ଟନ୍‌ରେ ପହଞ୍ଚିଛି । ମାଛ ବିହନ ଉପଲବ୍ଧ କରାଇବା ପାଇଁ ବର୍ଷାଋତୁ ପୂର୍ବରୁ ଆଗୁଆ ପ୍ରଜନନ କାର୍ଯ୍ୟକ୍ରମ ଆରମ୍ଭ କରାଯାଉଛି । କୁକୁଡ଼ା ମାଂସ ଉତ୍ପାଦନରେ

ଓଡିଶା ଆତ୍ମନିର୍ଭରଶୀଳ ହୋଇପାରିଛି । ମାଛ ଯାଆଁଳ ଉତ୍ପାଦନ ୧୯୪ ପ୍ରତିଶତ ବୃଦ୍ଧି ପାଇ ୨୦୧୯-୨୦ରେ ୯୪ କୋଟି ୭୨ ଲକ୍ଷରୁ ୨୦୨୨-୨୩ରେ ୨୭୮ କୋଟି ୬୩ ଲକ୍ଷରେ ପହଞ୍ଚିଛି। ସାମୁଦ୍ରିକ ଖାଦ୍ୟ ରପ୍ତାନି ଗତ ୪ ବର୍ଷ ମଧ୍ୟରେ ୫୩ ପ୍ରତିଶତ ବୃଦ୍ଧି ପାଇ ୨୦୧୮-୧୯ ରେ ୨୯୬୯ କୋଟି ଟଙ୍କାରୁ ୨୦୨୨-୨୩ ରେ ୪୮୦୭ କୋଟି ଟଙ୍କାରେ ପହଞ୍ଚିଛି ବୋଲି ଅର୍ଥମନ୍ତ୍ରୀ ଶ୍ରୀ ଆରୁଖ ସୂଚନା ଦେଇଥିଲେ ।

ଉଦ୍‌ଘାଟନୀ ଉତ୍ସବରେ ପୌରୋହିତ୍ୟ କରି କୃଷି ଓ କୃଷକ ସଶକ୍ତିକରଣ, ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଲେ ଯେ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ ଚାଷୀମାନଙ୍କ ଆୟକୁ ବହୁଗୁଣିତ କରିବା ପ୍ରତିବଦ୍ଧତା ସ୍ୱରୂପ ଚାଷ କାର୍ଯ୍ୟ ସହିତ ବିଭାଗ ପକ୍ଷରୁ ମାଛଚାଷ ଓ ପ୍ରାଣିପାଳନକୁ ପ୍ରୋତ୍ସାହିତ କରାଯାଉଛି । ଗତ ୨୦ ବର୍ଷରେ ଚାଷୀମାନଙ୍କ ଆୟବୃଦ୍ଧି ହେବା ସହିତ ମାଛ, ମାସଂ, କୁକୁଡ଼ା ଓ ଦୁଗ୍ଧ ଉତ୍ପାଦନରେ ଉଲ୍ଲେଖନୀୟ ସଫଳତା ମିଳିଛି । ମାଛଚାଷ ଓ ପ୍ରାଣିପାଳନ ମହିଳାମାନଙ୍କୁ ସ୍ୱାବଲମ୍ବୀ ଓ ସଶକ୍ତ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରୁଥିବାରୁ ମୁଖ୍ୟମନ୍ତ୍ରୀଙ୍କ ଦିଗ୍‌ଦର୍ଶନରେ ରାଜ୍ୟ ସରକାର ଜେଣ୍ଡର ବଜେଟିଂ କାର୍ଯ୍ୟକାରୀ କରୁଛନ୍ତି । ଏହା ଅନ୍ତର୍ଗତ କିଛି କାର୍ଯ୍ୟକ୍ରମରେ ଶତପ୍ରତିଶତ ଏବଂ ଅନ୍ୟ କିଛି କାର୍ଯ୍ୟକ୍ରମରେ ଅତି କମ୍‌ରେ ୩୦ ପ୍ରତିଶତ କେବଳ ମହିଳାଙ୍କ ପାଇଁ ଖର୍ଚ୍ଚ କରାଯିବାର ବ୍ୟବସ୍ଥା ରହିଛି ।

ମୁଖ୍ୟବକ୍ତା ଭାବେ ଯୋଗଦେଇ ପଶ୍ଚିମ ଓଡ଼ିଶା ବିକାଶ ପରିଷଦର ଅଧକ୍ଷ ଶ୍ରୀ ଅସିତ କୁମାର ତ୍ରିପାଠୀ କହିଲେ ଯେ ରାଜ୍ୟ ସରକାରଙ୍କ ଫ୍ଲାଗସିପ୍ କାର୍ଯ୍ୟକ୍ରମ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗୀ ଯୋଜନା ମତ୍ସ୍ୟଚାଷୀ ଓ ପ୍ରାଣିପାଳକଙ୍କ ଜୀବନଧାରଣରେ ଉଲ୍ଲେଖନୀୟ ପରିବର୍ତ୍ତନ ଆଣିପାରିଛି । ମାଛଚାଷ ଓ ପ୍ରାଣିପାଳନକୁ ଗ୍ରାମାଞ୍ଚଳରେ ବ୍ୟବସାୟିକ ଭିତ୍ତିରେ କରିବା ଉପରେ ସେ ଗୁରୁତ୍ୱାରୋପ କରିଥିଲେ ।

ସମ୍ମାନିତ ଅତିଥି ଭାବେ କୃଷି ଓ କୃଷକ ସଶକ୍ତିକରଣ ବିଭାଗର ପ୍ରମୁଖ ଶାସନ ସଚିବ ଡ. ଅରବିନ୍ଦ କୁମାର ପାଢ଼ୀ କହିଲେ ଯେ କୃଷିଭିତ୍ତିକ ଅର୍ଥନୀତିରେ ଆୟବୃଦ୍ଧି ନିମନ୍ତେ ଫସଲ ଚାଷ ସହିତ ପ୍ରାଣିପାଳନ ଓ ମତ୍ସ୍ୟଚାଷ ଏକାନ୍ତ ଅପରିହାର୍ଯ୍ୟ । ସଂପ୍ରତି ଜଳବାୟୁ ପରିବର୍ତ୍ତନ ଦୃଷ୍ଟିରୁ ଜଳବାୟୁ ସହନଶୀଳ ପ୍ରାଣିପାଳନ ଓ ମାଛଚାଷକୁ ଆପଣାଇବା ଉପରେ ସେ ଗୁରୁତ୍ୱାରୋପ କରିଥିଲେ ।

ଅନ୍ୟତମ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ପ୍ରଭାତ କୁମାର ରାଉଳ କହିଲେ ଯେ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନାରେ ଉଦ୍ୟୋଗୀମାନେ ପ୍ରାଣିପାଳନ ଓ ମତ୍ସ୍ୟଚାଷକୁ ଅଧିକ ଗୁରୁତ୍ୱ ଦେବାର ଲକ୍ଷ୍ୟ କରାଯାଉଛି । ବିଶ୍ୱବିଦ୍ୟାଳୟ ପକ୍ଷରୁ ସ୍ଥାନୀୟ ପ୍ରଜାତିର ପ୍ରାଣୀମାନଙ୍କ ସଂରକ୍ଷଣ ଓ ପଂଜିକରଣକୁ ଗୁରୁତ୍ୱ ଦିଆଯିବା ସହ ନୂତନ ପ୍ରଜାତି ସୃଷ୍ଟି ନିମନ୍ତେ ପଦକ୍ଷେପ ନିଆଯାଉଛି ।

ସମାବେଶରେ ମତ୍ସ୍ୟ ଓ ପ୍ରାଣୀସଂପଦ ବିକାଶ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସୁରେଶ କୁମାର ବଶିଷ୍ଠ କହିଲେ ଯେ ଗିଫ୍ଟ ତିଲାପିଆ ଏବଂ କେଜ୍ କଲଚର ପଦ୍ଧତିରେ ମାଛଚାଷ କରିବାରେ ଏବଂ ଭେଟେରିନାରୀ ମୋବାଇଲ୍ ସେବା ଯୋଗାଇବା କ୍ଷେତ୍ରରେ ଓଡ଼ିଶା ଦେଶର ଅଗ୍ରଣୀ ରାଜ୍ୟ ହୋଇପାରିଛି ।

ସମାବେଶରେ ପଦ୍ମଶ୍ରୀ ବିଜେତା ମତ୍ସ୍ୟଚାଷୀ ଶ୍ରୀ ବଟକୃଷ୍ଣ ସାହୁଙ୍କ ସମେତ ମତ୍ସ୍ୟଚାଷ ଓ ପ୍ରାଣିପାଳନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ଜାତୀୟ ସ୍ତରରେ ସ୍ୱୀକୃତି ପାଇଥିବା ୫ ଜଣଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ୩୦ଟି ଜିଲ୍ଲାର ଚମ୍ପିଅନ୍ ଚାଷୀଙ୍କୁ ମଧ୍ୟ ପୁରସ୍କୃତ କରାଯାଇଥିଲା । ଏଥି ସହିତ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନାର ହିତାଧିକାରୀଙ୍କୁ ସ୍ଥାୟୀ ପୁଂଜିନିବେଶ ଉପରେ ସବ୍‌ସିଡି ରାଶିର ଚେକ୍ ପ୍ରଦାନ କରାଯାଇଥିଲା ।

ସମାବେଶ ପ୍ରାରମ୍ଭରେ କଟକ ଜିଲ୍ଲାର ମହିଳା ଚାଷୀ ଶ୍ରୀମତୀ ନମିତା ମହାପାତ୍ର ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ କେନ୍ଦ୍ରାପଡ଼ା ଜିଲ୍ଲାର ମହିଳା ଚାଷୀ ମମତା ପ୍ରିୟଦର୍ଶିନୀ ଧନ୍ୟବାଦ ଅର୍ପଣ କରିଥିଲେ ।

ସମାବେଶ ଅବସରରେ ଆଜି ସକାଳେ କଳିଙ୍ଗ ଷ୍ଟାଡିୟମ୍‌ଠାରୁ ଜନତା ମଇଦାନ ପର୍ଯ୍ୟନ୍ତ ଏକ ଗଣଦୌଡ଼ର ଆୟୋଜନ କରାଯାଇଥିଲା । ମନ୍ତ୍ରୀ ଶ୍ରୀ ସ୍ୱାଇଁ ଏହି ଗଣଦୌଡ଼କୁ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ ।

ତାପସ କୁମାର ସାହା
ସୂଚନା ଅଧିକାରୀ